ପ୍ରେସ୍ ନୋଟ୍

# ପୋଲିସ୍ ମାଜିଷ୍ଟ୍ରେଟ ସମନ୍ୱୟ ବୈଠକ ଓ କର୍ମଶାଳା ଅନୁଷ୍ଠିତ ।

ଅନୁଗୋଳ, ତା.୧୩.୦୨:- ଜିଲ୍ଲାରେ ଶାନ୍ତି ଶୃଙ୍ଖଳା ରକ୍ଷା କରିବା ସହ ବିଭିନ୍ନ ଆଇନର ସଠିକ୍ ପ୍ରୟୋଗକୁ ନେଇ ପୋଲିସ୍ ମାଜିଷ୍ଟ୍ରେଟ ସମନ୍ୱୟ ବୈଠକ ଓ କର୍ମଶାଳା ନାଲ୍କୋ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ଏହି କର୍ମଶାଳାରେ ଅଧ୍ୟକ୍ଷତା କରି ଅନ୍ତଃବିଭାଗ ସମନ୍ୱୟ ସମ୍ପର୍କରେ ଆଲୋକପାତ କରିଥିଲେ । ପୋଲିସ ଓ ମାଜିଷ୍ଟ୍ରେଟ ଗୋଟିଏ ମୁଦ୍ରାର ଦୁଇଟି ପାର୍ଶ୍ୱ ଉଭୟ ଉଭୟଙ୍କର ପରିପୂରକ । ଉଭୟଙ୍କ ମଧ୍ୟରେ ଉତ୍ତମ ସମନ୍ୱୟ ରହିଲେ ଜିଲ୍ଲାରେ ଶାନ୍ତି ଶୃଙ୍ଖଳା ବଜାୟ ରହିବା ସହ ସରକାରଙ୍କ ବିଭିନ୍ନ ଯୋଜନାର ସଫଳ ରୁପାୟନ ହୋଇପାରିବ ବୋଲି ଜିଲ୍ଲାପାଳ ପ୍ରକାଶ କରିଥିଲେ । ଗୁରୁତ୍ୱପୂର୍ଣ୍ଣଯୁଗ୍ମ ତଦନ୍ତ, ନୃଶଂସତା ଆଇନ୍‌ର ଯୁଗ୍ମ ତଦନ୍ତ ଓ ସାମ୍ପ୍ରଦାୟିକ ସଦଭାବନା ପ୍ରତିଷ୍ଠା ନିମନ୍ତେ ନିଷ୍ଠାର ସହ ଦାୟିତ୍ୱ ନିର୍ବାହ କରିବା ଉପରେ ଜିଲ୍ଲାପାଳ ଗୁରୁତ୍ୱାରୋପ କରିଥିଲେ । ଏହି କର୍ମଶାଳାରେ ସମ୍ମାନିତ ଅତିଥି ଭାବରେ ଯୋଗ ଦେଇଥିବା ଆରକ୍ଷୀ ଅଧିକ୍ଷକ ଶ୍ରୀ ଜଗମୋହନ ମୀନା ଆଇନ୍‌ଗତ କାର୍ଯ୍ୟାନୁଷ୍ଠାନ,ମାଜିଷ୍ଟ୍ରେଟଙ୍କ କାର୍ଯ୍ୟ ଓ ସି ଆର ପି ସିର ପ୍ରିଭେଣ୍ଟିଭ ସେକ୍ସନ ଉପରେ ଆଲୋକପାତ କରିଥିଲେ । ଅନ୍ୟତମ ସମ୍ମାନିତ ଅତିଥି ଭାବେ ବନଖଣ୍ଡ ଅଧିକାରୀ ଶ୍ରୀ ପ୍ରସନ୍ନ କୁମାର ବେହେରା ଜଙ୍ଗଲ ସଂରକ୍ଷଣ ଓ ଜଙ୍ଗଲ ଜମି ଅଧିକାର ଆଇନ୍ ସମ୍ପର୍କରେ ଆଲୋକପାତ କରିଥିଲେ । ସାଧନ କର୍ମୀ ଭାବେ ଡ. ପ୍ରସନ୍ନ କୁମାର ବରାଳ ଯୋଗ ଦେଇ ସୂଚନା ଅଧିକାର ଆଇନ୍‌ର ପୃଷ୍ଠଭୂମୀ, ଉପଯାଗୀତା ଓ ଏହାର ପ୍ରୟୋଗାତ୍ମକ ଦିଗ ଉପରେ ଆଲୋକପାତ କରିଥିଲେ । ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥି କାର୍ଯ୍ୟସୂଚୀ ଅନୁ ଯାୟୀ ଆଲୋଚନା କରିଥିଲେ । ଏହି କର୍ମଶାଳାରେ ସରକାରୀ ଓକିଲ ଶ୍ରୀ ପରମାନନ୍ଦ ମିଶ୍ର ଓ ଶ୍ରୀ ପ୍ରଦୀପ୍ କୁମାର ଦାସ ଯୋଗ ଦେଇ ଆଇନର ବିଭିନ୍ନ ଦିଗ ଉପରେ ଆଲୋକପାତ କରିଥିଲେ । ଏହି ବୈଠକରେ ଅନ୍ୟମାନଂକ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ,ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଦିଲ୍ଲିପ କୁମାର ସାହୁ, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବାସୁଦେବ ଶତପଥି,ତାଳଚେର ଉପଜିଲ୍ଲାପାଳ ଶ୍ରୀ ରଜନୀ କାନ୍ତ ସ୍ୱାଇଁ,ଆଠମଲ୍ଲିକ ଉପଜିଲ୍ଲାପାଳ ଶ୍ରୀ ଲଳିତ ମୋହନ ବେହେରା, ପାଲଲହଡା ଉପଜିଲ୍ଲାପାଳ ଶ୍ରୀ ଅଜିତ୍ କୁମାର ପ୍ରଧାନ ଓ ଜିଲ୍ଲା ସ୍ତରୀୟ ବିଭିନ୍ନ ଅଧିକାରୀମାନେ ଉପସ୍ଥିତ ଥିଲେ । ପ୍ରଥମ ଥର ପାଇଁ ପୋଲିସ ମାଜିଷ୍ଟ୍ରେଟ ସମନ୍ୱୟ ବୈଠକରେ ଏକ ଅଭିନବ କର୍ମଶାଳା ଜିଲ୍ଲାପାଳଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଥିଲା । ଏହି କର୍ମଶାଳାରେ ଆଲୋଚନା ହୋଇଥିବା ବିଭିନ୍ନ ବିଷୟବସ୍ତୁ ବେଶ୍ ଫଳପ୍ରଦ ଓ ଉପ ଯୋଗୀ ସାବ୍ୟସ୍ତ ହୋଇଛି ।